# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**14 July– 2026**

---

## କେନ୍ଦୁପତ୍ର-ପ୍ରୋତ୍ସାହନ ରାଶି

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଜ୍ୟର କେନ୍ଦୁପତ୍ର ତୋଳାଳୀ, ବନ୍ଧାଳୀ ଓ ସିଜିନାଲ୍ କର୍ମଚାରୀଙ୍କ ପାଇଁ ବୋନସ ଓ ପ୍ରୋତ୍ସାହନ ରାଶି ବୃଦ୍ଧି ପ୍ରସ୍ତାବକୁ ଅନୁମୋଦନ କରିଛନ୍ତି। କେନ୍ଦୁପତ୍ର କେରି ପିଛା ୧୦ ପଇସା ଏବଂ ଫାଳ ପିଛା ୨୦ ପଇସା ବୃଦ୍ଧି କରାଯାଇଛି। ଏଥିପାଇଁ ରାଜ୍ୟ ସରକାର ୧୦ କୋଟି ୭୮ ଲକ୍ଷ ଟଙ୍କା ବ୍ୟୟ କରିବେ। ଏହାଛଡ଼ା କେନ୍ଦୁପତ୍ର ତୋଳାଳୀଙ୍କୁ ୨୫ ପ୍ରତିଶତ ବୋନସ ଏବଂ ବନ୍ଧାଳୀ ଓ ସିଜିନାଲ୍ ଷ୍ଟାଫଙ୍କୁ ୫ ପ୍ରତିଶତ ପ୍ରୋତ୍ସାହନ ରାଶି ପ୍ରଦାନ କରାଯିବ। ଏଥିପାଇଁ ୬୪ କୋଟି ଟଙ୍କା ବ୍ୟୟ ହେବ। ଏହି ସମସ୍ତ ପଦକ୍ଷେପ ପାଇଁ ରାଜ୍ୟ ସରକାର ମୋଟ ୭୪ କୋଟି ୭୮ ଲକ୍ଷ ଟଙ୍କା ଖର୍ଚ୍ଚ କରିବେ।

---

## ନବଯୌବନ ଦର୍ଶନ

ମହାପ୍ରଭୁଙ୍କ ବିଶ୍ୱପ୍ରସିଦ୍ଧ ପୁରୀ ରଥଯାତ୍ରା ଆସନ୍ତା ୧୬ ତାରିଖରେ ଅନୁଷ୍ଠିତ ହେବ । ଏଥିଲାଗି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସମସ୍ତ ପ୍ରସ୍ତୁତି ଚୂଡ଼ାନ୍ତ ପର୍ଯ୍ୟାୟରେ ପହଞ୍ଚିଛି । ଆଜି ନେତ୍ରୋତ୍ସବରେ ମହାପ୍ରଭୁ ନବଯୌବନ ବେଶରେ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେବେ । ପରମ୍ପରା ଅନୁସାରେ ଶ୍ରୀସୁଦର୍ଶନଦେବଙ୍କ ବୁଣାଟ ନୀତି ଶେଷ ହେବା ପରେ ଚକ ଅପସର କରାଯିବ । ଏହାପରେ ମହାପ୍ରଭୁଙ୍କ ମଙ୍ଗଳା ଆଳତି, ମଇଲମ, ଅବକାଶ

ନୀତି ଶେଷ କରାଯାଇ ଦଶ ଅବତାର ଠାକୁର ବାହୁଡ଼ା ବିଜେ କରିବେ । ପରେ ତାଟି ଫିଟିବା ସହ ଶ୍ରୀବିଗ୍ରହମାନଙ୍କର ନବଯୌବନ ଦର୍ଶନ ଅନୁଷ୍ଠିତ ହେବ । ନୀତିନିର୍ଘଣ୍ଟ ଅନୁସାରେ ଆଜି ଅପରାହ୍ଣ ପ୍ରାୟ ୨ଟା ପରଠାରୁ ପ୍ରଥମ ଭିତରକାଠ ନିକଟରୁ ପରିମାଣିକ ଦର୍ଶନ ଓ ପରେ ସର୍ବସାଧାରଣ ଦର୍ଶନ ଅନୁଷ୍ଠିତ ହେବ ।

---

## ଗଣତି-ମଣତି

ଶ୍ରୀଜୀଉଙ୍କ ଶ୍ରୀଅଙ୍ଗରେ ବ୍ୟବହୃତ ଏବଂ ସ୍ନାନ ପୂର୍ଣ୍ଣିମାରେ ଉଲାଗି ହୋଇଥିବା ଅଳଙ୍କାରର ଗଣତି ଆସନ୍ତା ୧୯ ତାରିଖରେ ଗୋଟିଏ ଦିନ ପାଇଁ କରାଯିବ । ରାଜ୍ୟ ସରକାରଙ୍କ ଅନୁମୋଦିତ ଏସ୍ଓପି ଅନୁଯାୟୀ ଏହି କାର୍ଯ୍ୟ ସମ୍ପନ୍ନ ହେବ । ଭିତର ରତ୍ନଭଣ୍ଡାରରେ ଥିବା ଅବଶିଷ୍ଟ ଅଳଙ୍କାର ଓ ମୂଲ୍ୟବାନ ସାମଗ୍ରୀର ଗଣତି ତାରିଖ ପରେ ଘୋଷଣା କରାଯିବ । ଶ୍ରୀମନ୍ଦିର ରତ୍ନଭଣ୍ଡାରରେ ଗଚ୍ଛିତ ଅଳଙ୍କାର ଓ ମୂଲ୍ୟବାନ ସାମଗ୍ରୀର ଗଣତି କାର୍ଯ୍ୟ ଗତ ମଇ ମାସ ୨୩ ତାରିଖରୁ ସ୍ଥଗିତ ରହିଥିଲା ।

---

## ସେତୁବନ୍ଧନ ଯୋଜନା ଅବଧି ବୃଦ୍ଧି

ରାଜ୍ୟ ସରକାର ସେତୁବନ୍ଧନ ଯୋଜନାର ଅବଧି ୫ବର୍ଷ ବୃଦ୍ଧି କରିଛନ୍ତି । ଏହି ସମୟ ମଧ୍ୟରେ ୧୧ହଜାର ୮୦୦ କୋଟି ଟଙ୍କା ବିନିଯୋଗରେ ୩ହଜାର ଶହେ ଶତଷଠିଟି ସେତୁ ନିର୍ମାଣ କରାଯିବ । ଗ୍ରାମ୍ୟ ଉନ୍ନୟନ ଏବଂ ପଞ୍ଚାୟତିରାଜ ଓ ପାନୀୟ ଜଳ ଯୋଗାଣ ବିଭାଗ ମିଳିତ ଭାବେ ସେତୁ ନିର୍ମାଣ କରିବେ । ପ୍ରତ୍ୟେକ ଆର୍ଥିକ ବର୍ଷରେ ସେତୁବନ୍ଧନ

ଯୋଜନାରେ ୩୫୦ଟି ଲେଖାଏଁ ନୂଆ ସେତୁ ନିର୍ମାଣ କରାଯିବ ବୋଲି ଜଣାପଡିଛି ।

## ନମସ୍ତେ ଦିବସ

ସଫେଇ କର୍ମଚାରୀଙ୍କ ଅବଦାନକୁ ସମ୍ମାନ ଜଣାଇବା ଏବଂ ସୁରକ୍ଷିତ ଯାନ୍ତ୍ରିକ ସ୍ୱଚ୍ଛତା ବ୍ୟବସ୍ଥାକୁ ପ୍ରୋତ୍ସାହନ ଦେବା ଉଦ୍ଦେଶ୍ୟରେ ଆଜି ରାଜ୍ୟର ସମସ୍ତ ସହରାଞ୍ଚଳ ସ୍ଥାନୀୟ ସଂସ୍ଥାରେ 'ନମସ୍ତେ ଦିବସ' ପାଳନ କରାଯାଉଛି। କେନ୍ଦ୍ର ସରକାରଙ୍କ ନମସ୍ତେ କାର୍ଯ୍ୟକ୍ରମ ଅନ୍ତର୍ଗତ ଏହି ଦିବସରେ ଗୃହ ଓ ନଗର ଉନ୍ନୟନ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଉଷା ପାଢୀ, ସ୍ଥାନୀୟ ଜନପ୍ରତିନିଧି, ସରକାରୀ ଅଧିକାରୀ ଓ ଅନ୍ୟାନ୍ୟ ଅଂଶୀଦାରଙ୍କ ସହଯୋଗରେ କାର୍ଯ୍ୟକ୍ରମ ସଫଳ ଭାବେ ଆୟୋଜନ କରିବାକୁ କହିଛନ୍ତି। ଏହି ଅବସରରେ ସଫେଇ କର୍ମଚାରୀଙ୍କ ପାଇଁ ସ୍ୱାସ୍ଥ୍ୟ ପରୀକ୍ଷା ଶିବିର, ବୃତ୍ତିଗତ ସୁରକ୍ଷା ପ୍ରଶିକ୍ଷଣ, ସରକାରୀ କଲ୍ୟାଣ ଯୋଜନାରେ ସଂଯୋଗ ଶିବିର, ଆୟୁଷ୍ମାନ୍ ଭାରତ କାର୍ଡ ଓ 'ନମସ୍ତେ' ପରିଚୟପତ୍ର ବଣ୍ଟନ, ବ୍ୟକ୍ତିଗତ ସୁରକ୍ଷା ସାମଗ୍ରୀ ବିତରଣ ଏବଂ ଆଧୁନିକ ଯାନ୍ତ୍ରିକ ସ୍ୱଚ୍ଛତା ଉପକରଣର ପ୍ରଦର୍ଶନୀ ଆୟୋଜନ କରାଯିବ। ଉଲ୍ଲେଖନୀୟ ସେବା ପାଇଁ ସଫେଇ କର୍ମଚାରୀଙ୍କୁ ସମ୍ମାନିତ ମଧ୍ୟ କରାଯିବ।

## ଉଚ୍ଚଶିକ୍ଷା ବୈଠକ

ଭୁବନେଶ୍ୱର ରେଡ୍‌କ୍ରସ ଭବନରେ ଯୁବ ରେଡ୍‌କ୍ରସ ରାଜ୍ୟ କାର୍ଯ୍ୟକାରିଣୀ ବୈଠକରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ବିଶ୍ୱବିଦ୍ୟାଳୟ ଓ

ମହାବିଦ୍ୟାଳୟରେ କାର୍ଯ୍ୟରତ ଯୁବ ରେଡ୍‌କ୍ରସ ୟୁନିଟ୍ ଗୁଡ଼ିକର କାର୍ଯ୍ୟକଳାପର ସମୀକ୍ଷା କରିଛନ୍ତି। ବୈଠକରେ ରେଡ୍‌କ୍ରସ ୟୁନିଟ୍ ଗୁଡ଼ିକର କାର୍ଯ୍ୟକୁ ଅଧିକ ସକ୍ରିୟ କରିବା ସହ ସ୍ୱେଚ୍ଛାସେବୀଙ୍କ ଦକ୍ଷତା ବିକାଶ ଉପରେ ଗୁରୁତ୍ୱ ଦିଆଯାଇଥିଲା। ରକ୍ତଦାନ ଶିବିର, ନିଶାମୁକ୍ତି ଅଭିଯାନ, କ୍ୟାମ୍ପସ ସ୍ୱଚ୍ଛତା, ସଡ଼କ ସୁରକ୍ଷା, ଅଗ୍ନି ନିରାପତ୍ତା ଓ ପରିବେଶ ସୁରକ୍ଷା ସମ୍ପର୍କରେ ଛାତ୍ରଛାତ୍ରୀଙ୍କୁ ସଚେତନ କରିବାକୁ ମନ୍ତ୍ରୀ ପରାମର୍ଶ ଦେଇଥିଲେ। ଏହାସହ ରାଜ୍ୟ ରେଡ୍‌କ୍ରସ ପୁରସ୍କାର ସହିତ ଜିଲ୍ଲାସ୍ତରରେ ଶ୍ରେଷ୍ଠ ରେଡ୍‌କ୍ରସ ସ୍ୱେଚ୍ଛାସେବୀଙ୍କୁ ଚୟନ କରି ପୁରସ୍କୃତ କରିବା ଉପରେ ବୈଠକରେ ଆଲୋଚନା କରାଯାଇଥିଲା।

## ଶ୍ରୀଜଗନ୍ନାଥଙ୍କ ଭୂ-ସମ୍ପତ୍ତି

ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଭୂସମ୍ପତ୍ତିର ସୁରକ୍ଷା, ସଠିକ୍ ରେକର୍ଡ ସଂରକ୍ଷଣ ଓ ଆଇନସମ୍ମତ ପରିଚାଳନାକୁ ଅଧିକ ସୁଦୃଢ଼ କରିବା ପାଇଁ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ସମସ୍ତ ରାଜସ୍ୱ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ବିଭାଗୀୟ ଅତିରିକ୍ତ ମୁଖ୍ୟ ଶାସନ ସଚିବ ଡକ୍ଟର ଅରବିନ୍ଦ ପାଢ଼ୀ, ରାଜସ୍ୱ ପର୍ଷଦ, ସମସ୍ତ ଆର୍‌ଡିସି, ଜିଲ୍ଲାପାଳ ଓ ଭୂ-ଅଭିଲେଖ ଏବଂ ସର୍ଭେ ନିର୍ଦ୍ଦେଶକଙ୍କୁ ପ୍ରାଥମିକତା ଭିତ୍ତିରେ ଏହାର କାର୍ଯ୍ୟକାରିତା ସୁନିଶ୍ଚିତ କରିବାକୁ କହିଛନ୍ତି। ନିର୍ଦ୍ଦେଶ ଅନୁଯାୟୀ, ଖୋର୍ଦ୍ଧା, ପୁରୀ, ଜଗତସିଂହପୁର, ବାଲେଶ୍ୱର, ଭଦ୍ରକ, ଯାଜପୁର, ଗଞ୍ଜାମ, କଟକ ଓ କେନ୍ଦ୍ରାପଡ଼ା ଜିଲ୍ଲାରେ ଶ୍ରୀଜଗନ୍ନାଥ ମନ୍ଦିର ପ୍ରଶାସନ ଦ୍ୱାରା ଦାଖଲ ୧୧ ହଜାର ୬୭୫ଟି ରାଜସ୍ୱ ମାମଲାର ଶୀଘ୍ର ସମାଧାନ ସହ ଓଡ଼ିଶା ଇଷ୍ଟେଟ୍ସ

ଆବୋଲିସନ୍ ଆଇନ ଅନୁଯାୟୀ ଦାଖଲ ୨୫୭ଟି ମାମଲାରେ ବୋର୍ଡ ଅଫ୍ ରେଭେନ୍ୟୁଙ୍କ ନିର୍ଦ୍ଦେଶ କାର୍ଯ୍ୟକାରୀ କରିବାକୁ କୁହାଯାଇଛି।

---

## ପାଣିପାଗ

ଉତ୍ତର ବଙ୍ଗୋପସାଗର ଏବଂ ସଂଲଗ୍ନ ଦକ୍ଷିଣ ବାଂଲାଦେଶ ଉପରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି । ଏହାର ପ୍ରଭାବରେ ଆସନ୍ତା ୨୪ଘଣ୍ଟା ମଧ୍ୟରେ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଥିବାରୁ ଉତ୍ତର-ଓଡ଼ିଶା ଏବଂ ଉପକୂଳବର୍ତ୍ତୀ ଜିଲ୍ଲା ଗୁଡ଼ିକରେ ପ୍ରବଳ ବର୍ଷା ହେବା ନେଇ ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଦେଇଛି ।

ଅନ୍ୟପକ୍ଷରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ପ୍ରଭାବରେ ରାଜ୍ୟର କେତେକ ଅଞ୍ଚଳରେ ଆସନ୍ତା ୨୦ ତାରିଖ ପର୍ଯ୍ୟନ୍ତ ହାଲୁକାରୁ ମଧ୍ୟମଧରଣର ବର୍ଷା ହେବ । ଆସନ୍ତା ୨୪ ଘଣ୍ଟା ମଧ୍ୟରେ କନ୍ଧମାଳର ଗୋଟିଏରୁ ଦୁଇଟି ସ୍ଥାନରେ ପ୍ରବଳରୁ ଅତିପ୍ରବଳ ବର୍ଷା ହେବା ନେଇ ସତର୍କତା ଜାରି କରାଯାଇଛି ।

ହୀରାକୁଦ ଜଳଭଣ୍ଡାରର ଜଳସ୍ତର ଆଜି ସକାଳ ୬ଟା ସୁଦ୍ଧା ୬୧୦ ଦଶମିକ ୩/୩ ଘନଫୁଟ ରହିଛି। ବର୍ତ୍ତମାନ ଜଳଭଣ୍ଡାରର ଗୋଟିଏ ଗେଟ୍ ଦେଇ ଜଳ ନିଷ୍କାସିତ ହେଉଛି। ଜଳଭଣ୍ଡାର ମଧ୍ୟକୁ ପ୍ରତି ସେକେଣ୍ଡରେ ୧୫ ହଜାର ୯୭୩ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ୪୦ ହଜାର ୪/୪ ଘନଫୁଟ ଜଳ ନିଷ୍କାସିତ ହେଉଛି।

---